ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/SEC(OD)/1668/12.01.2022

# ରାଜ୍ୟ ନିର୍ବାଚନ କମିଶନରଙ୍କ ଜିଲ୍ଲାପାଳ ଏବଂ ଏସ୍‌ପିମାନଙ୍କ ସହ ଭର୍ଚୁଆଲ୍ ସମ୍ମିଳନୀ

ଭୁବନେଶ୍ୱର, ୧୨/୦୧/୨୦୨୨

ପଞ୍ଚାୟତିରାଜ ଅନୁଷ୍ଠାନଗୁଡ଼ିକରେ ହେବାକୁ ଥିବା ସାଧାରଣ ନିର୍ବାଚନ-୨୨ ସଂପର୍କରେ ରାଜ୍ୟ ନିର୍ବାଚନ କମିଶନର ଶ୍ରୀଯୁକ୍ତ ଆଦିତ୍ୟ ପ୍ରସାଦ ପାଢ଼ୀ ଆସନ୍ତା ତା.୧୫/୦୧/୨୦୨୨ରିଖ ଦିନ ୧୦.୩୦ ମିନିଟ୍ ସମୟରେ ସମସ୍ତ ଜିଲ୍ଲାପାଳ, ଜିଲ୍ଲା ଆରକ୍ଷୀ ଅଧୀକ୍ଷକ/ପୁଲିସ୍ ଡେପୁଟୀ କମିଶନର, ରାଜସ୍ୱ କମିଶନର, ରେଞ୍ଜ ଆଇଜି/ଡିଆଇଜିମାନଙ୍କ ସହ ଭର୍ଚୁଆଲ୍ ମାଧ୍ୟମରେ ଆଲୋଚନା କରିବେ । ନିର୍ବାଚନ କମିଶନରଙ୍କ ଓସ୍ୱାନ୍ ସମ୍ମିଳନୀ କକ୍ଷରେ ନିର୍ବାଚନ କମିଶନରଙ୍କ ସହ ମୁଖ୍ୟ ଶାସନ ସଚିବ, ପୁଲିସ୍ ଡିଜି, ଉନ୍ନୟନ କମିଶନର ତଥା ସ୍ୱତନ୍ତ୍ର ରିଲିଫ୍ କମିଶନର ଗୃହ ସଚିବ, ସ୍ୱାସ୍ଥ୍ୟ ସଚିବ ଓ ପଞ୍ଚାୟତିରାଜ ବିଭାଗର ସଚିବ ପ୍ରମୁଖ ଉପସ୍ଥିତ ରହିବେ ଓ ସେହିପରି ଜିଲ୍ଲା ଓସ୍ୱାନ୍ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ, ଜିଲ୍ଲା ଆରକ୍ଷୀ ଅଧୀକ୍ଷକ,ଡିସିପି ରାଜସ୍ୱ କମିଶନର, ରେଞ୍ଜ ଆଇଜି/ଡିଆଇଜି ପ୍ରମୁଖ ଉପସ୍ଥିତ ରହିବେ ।

ଆଗାମୀ ଦିନରେ ହେବାକୁ ଥିବା ପଞ୍ଚାୟତ ନିର୍ବାଚନକୁ ଅବାଧ, ସ୍ୱଚ୍ଛ ଓ ନିରାପଦ କରିବା ସହ ସୁରୁଖୁରୁରେ ନିର୍ବାଚନ ପରିଚାଳନା, ନିର୍ବାଚନବେଳେ ଆଇନଶୃଙ୍ଖଳା ରକ୍ଷା, ନିର୍ବାଚନ ସମୟରେ ରାଜ୍ୟରେ କୋଭିଡ୍ -୧୯ ମଧ୍ୟରେ କିପରି ଭାବରେ ନିରାପଦ ନିର୍ବାଚନ ହୋଇପାରିବ ସେ ସଂପର୍କରେ ବିସ୍ତୃତ ଆଲୋଚନା ହେବ ବୋଲି ରାଜ୍ୟ ନିର୍ବାଚନ ଆୟୋଗଙ୍କ ସୂତ୍ରରୁ ପ୍ରକାଶ ।

ପ୍ରଫୁଲ୍ଲ କୁମାର ମଲ୍ଲିକ
ସୂଚନା ଅଧିକାରୀ